# The Odisha Gazette

**EXTRAORDINARY**

**PUBLISHED BY AUTHORITY**

**No. 2244 CUTTACK, MONDAY, NOVEMBER 26, 2018/MARGASIRA 5, 1940**


## ରାଜସ୍ୱ ଓ ବିପର୍ଯ୍ୟୟ ପରିଚାଳନା ବିଭାଗ

ଅଧିସୂଚନା

ତାରିଖ 25 ଅକ୍ଟୋବର 2018

ସଂଖ୍ୟା 39682—RDM-LAA-JAJ-0030/2018-R&DM.—ଯେହେତୁ ଓଡିଶା ସରକାରଙ୍କୁ ପ୍ରତୀତ ହେଉଅଛି କି ଏକ ସାର୍ବଜନୀନ ଉଦ୍ଦେଶ୍ୟରେ ଅର୍ଥାତ୍ ଯାଜପୁର ଜିଲ୍ଲାର ରେଙ୍ଗାଳୀ ବାମ ପାର୍ଶ୍ୱ କେନାଲର ସବୁଜ ଖାତଖତ, ବସ୍ତି ଯୋଗ୍ୟ, ଜଓ୍ୱାନ ବଦଳି ନିମନ୍ତେ ସରକାର, ସରକାରୀ ବ୍ୟୟରେ ମୌଜା ବାଲିପଶି (୩ୟ ଅତିରିକ୍ତ), ଥାନା ସୁକିନ୍ଦା ନଂ. ୧୬୦, ତହସିଲ ସୁକିନ୍ଦା, ଜିଲ୍ଲା ଯାଜପୁରରେ ନିମ୍ନ ତଫସିଲମତେ ପ୍ରାୟ 8.15 ଏକର ଭୂମି ଅର୍ଜନ କରିବା ଆବଶ୍ୟକ ହେଉଅଛି ।

ତେଣୁ ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013 (RFCTLAR & R Act, 2013) ର 11(1) ଧାରାରେ ଭାରପ୍ରାପ୍ତ ହୋଇ ସରକାର ଏତଦ୍ଦ୍ୱାରା ନିମ୍ନ ଅନୁସୂଚୀରେ ପ୍ରଦତ୍ତ ଜମି ଅଧିଗ୍ରହଣ ପାଇଁ ପ୍ରାରମ୍ଭିକ ଅଧିସୂଚନା ଜାରି କରାଯାଉଛି ।

ନ୍ୟାୟୋଚିତ କ୍ଷତିପୂରଣ ଅଧିକାର ଏବଂ ଭୂ-ଅର୍ଜନ, ପୁନର୍ବାସ ଓ ଥଇଥାନ କ୍ଷେତ୍ରରେ ସ୍ୱଚ୍ଛତା ଆଇନ୍, 2013 ର ଧାରା 11(1) ର ବ୍ୟବସ୍ଥା ଅନୁଯାୟୀ ଘୋଷିତ ଏହି ପ୍ରାରମ୍ଭିକ ଅଧିସୂଚନାଟି ଏଥିସହିତ ସମ୍ପୃକ୍ତ ସମସ୍ତଙ୍କ ପାଇଁ ପ୍ରଯୁଜ୍ୟ ଅଟେ ।

ଯଦି ସମ୍ପୃକ୍ତ ଜମିର କୌଣସି ସ୍ୱତ୍ୱାଧିକାରୀ/ଜମିମାଲିକ ଭୂମି ଅଧିଗ୍ରହଣ ଅଧିସୂଚନା ସମ୍ପର୍କିତ ଅଧିସୂଚିତ ଜମିର ଉପଯୋଗିତା, ରକବା ଏବଂ ସାର୍ବଜନୀନ ଉଦ୍ଦେଶ୍ୟର ଔଚିତ୍ୟ ବିଷୟରେ କୌଣସି ଆପତ୍ତି ଥାଏ, ସେ ଉକ୍ତ ପ୍ରାରମ୍ଭିକ ଅଧିସୂଚନା ପ୍ରକାଶନର ୬୦ (ଷାଠିଏ) ଦିନ ମଧ୍ୟରେ ସମ୍ପୃକ୍ତ ଜିଲ୍ଲାପାଳଙ୍କ ନିକଟରେ ଲିଖିତ ଆକାରରେ ଅଭିଯୋଗ କରିପାରିବେ ।

### ପ୍ରକଳ୍ପ ସମ୍ବନ୍ଧୀୟ ବିବରଣୀ

୧ । ସାର୍ବଜନୀନ ଉଦ୍ଦେଶ୍ୟର ସ୍ୱରୂପ – ରେଙ୍ଗାଳୀ ଜଳସେଚନ ପ୍ରକଳ୍ପ ନିର୍ମାଣ ନିମନ୍ତେ ।

୨ । ଜମି ଆବଶ୍ୟକ କରୁଥିବା ସଂସ୍ଥାର ନାମ – ନିର୍ବାହୀ ଯନ୍ତ୍ରୀ, ବାମ ପାର୍ଶ୍ୱ କେନାଲ ଡିଭିଜନ ନଂ. ୧, ସୁକିନ୍ଦା ।

୩ । କ୍ଷତିଗ୍ରସ୍ତ ଲୋକଙ୍କ ବିସ୍ଥାପନ ଆବଶ୍ୟକତାର କାରଣ – ସାର୍ବଜନୀନ ଉଦ୍ଦେଶ୍ୟରେ ରେଙ୍ଗାଳୀ ଜଳସେଚନ ପ୍ରକଳ୍ପ ନିର୍ମାଣ ନିମନ୍ତେ କାର୍ଯ୍ୟକାରୀ କରିବା ।

୪ । ସାମାଜିକ ପ୍ରଭାବ ମୂଲ୍ୟାୟନର ସାରାଂଶ – ଉକ୍ତ ପ୍ରକଳ୍ପ ପାଇଁ ପ୍ରଯୁଜ୍ୟ ନୁହେଁ ।

୫ । ପୁନର୍ବାସ ଓ ଥଇଥାନ ପାଇଁ ନିଯୁକ୍ତ ପ୍ରଶାସକଙ୍କ ବିବରଣୀ – ଉପଜିଲ୍ଲାପାଳ, ଯାଜପୁର ।

୬ । ଜମିର ବିବରଣୀ —

| ଜିଲ୍ଲା | ତହସିଲ | ଗ୍ରାମ | ଗ୍ରାମାଞ୍ଚଳ/ ସହରାଞ୍ଚଳ | ଖାତା ନଂ. | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିସୂଚିତ ଜମିର ରକବା | ରୟତର ନାମ |
|---|---|---|---|---|---|---|---|---|
| ୧ | ୨ | ୩ | ୪ | ୫ | ୬ | ୭ | ୮ | ୯ |
| ଯାଜପୁର | ସୁକିନ୍ଦା | ବାଲିପଶି (୩ୟ ଅତିରିକ୍ତ) | ଗ୍ରାମାଞ୍ଚଳ | ଏଥିସହିତ ସଂଲଗ୍ନ | ଏଥିସହିତ ସଂଲଗ୍ନ | ୮.୮୨ ଏକର | ୮.୧୫ ଏକର | ଏଥିସହିତ ସଂଲଗ୍ନ |

• ଉକ୍ତ ଅଧିସୁଚିତ ସମସ୍ତ ଜମି ରକବା ୮.୧୫ ଏକର ସଂରକ୍ଷିତ ସରକାରୀ ଜମି ପ୍ରତିବଦଳ ପାଇଁ ଉଦ୍ଦିଷ୍ଟ ।

ଉକ୍ତ ଭୂମିର ଏକ ନକ୍ସା ସ୍ୱତନ୍ତ୍ର ଭୂ-ଅର୍ଜନ ମଣ୍ଡଳ ଅଧିକାରୀ, ସୁକିନ୍ଦା, ଯାଜପୁରଙ୍କ କାର୍ଯ୍ୟାଳୟରେ, କାର୍ଯ୍ୟଦିବସମାନଙ୍କରେ ଦେଖିବାକୁ ମିଳିପାରିବ ।

ଉକ୍ତ ଅଧିସୂଚନା ଅନ୍ତର୍ଭୁକ୍ତ କୌଣସି ଜମିର କ୍ରୟବିକ୍ରୟ, ହସ୍ତାନ୍ତର (ଦେଣନେଣ) କିମ୍ବା ଦାୟ ସୃଷ୍ଟି ଯାଜପୁର ଜିଲ୍ଲାପାଳଙ୍କ ପୂର୍ବାନୁମୋଦନ ବିନା କରାଯାଇପାରିବ ନାହିଁ ।

**ଭୂମି ଅନୁସୂଚୀ**

| ଖତିୟାନ ନମ୍ବର | ପ୍ଲଟ୍ ନଂ. | ପ୍ଲଟ୍‌ର ମୋଟ ରକବା | ଅଧିଗୃହିତ ଜମିର ରକବା | ରୟତର ନାମ | ମନ୍ତବ୍ୟ |
|---|---|---|---|---|---|
| (୧) | (୨) | (୩) ଏକର | (୪) ଏକର | (୫) | (୬) |
| ୧୬୯ | ୧୭୦ | ୩.୮୮ | ୩.୮୮ | ଗୋବର୍ଦ୍ଧନ ବାରିକ, ପି. ଫକିର ବାରିକ ଓଗେର | ଜଓ୍ୱାନ ସଂରକ୍ଷିତ ପାଇଁ ବଦଳି । |
| ୪୨୫ | ୫୭୯ | ୦.୯୪ | ୦.୬୭ | ବିଶ୍ୱନାଥ ପାଢି, ପି. ଷଣ୍ଢ ପାଢି ଓଗେର, ଜା. ହାତିବାରୀ । | ସବୁଜ ସାରଖତ ଖାତ ପାଇଁ ସଂରକ୍ଷିତ । |
| | ୫୮୦ | ୨.୦୦ | ୦.୩୬ | ବୋଧିଶ୍ୟାମ ପଧାନ, ପି. ଖତି ପଧାନ, ବା. ମଙ୍ଗରାଜପୁର । | ସବୁଜ ସାରଖତ ଖାତ ପାଇଁ ସଂରକ୍ଷିତ । |
| ୪୪୬ | ୫୮୦ | ୨.୦୦ | ୧.୪୪/ ୧.୮୦ | ବୋଧିଶ୍ୟାମ ପଧାନ, ପି. ଖତି ପଧାନ, ବା. ମଙ୍ଗରାଜପୁର । | ବସ୍ତିଯୋଗ୍ୟ |
| | ୫୮୧ | ୨.୦୦ | ୧.୭୪ | ହରେକୃଷ୍ଣ ପରିଡା, ପି. ବାଞ୍ଛାନିଧି ପରିଡା, ବା. ମଙ୍ଗରାଜପୁର । | ଜଓ୍ୱାନ ବଦଳି |
| ୬୪୩ | ୫୮୧ | ୨.୦୦ | ୦.୦୬/ ୧.୮୦ | ହରେକୃଷ୍ଣ ପରିଡା, ପି. ବାଞ୍ଛାନିଧି ପରିଡା, ବା. ମଙ୍ଗରାଜପୁର । | ବସ୍ତିଯୋଗ୍ୟ |
| | | **ମୋଟ** .. | **8.15** | | |

ରାଜ୍ୟପାଳଙ୍କ ଆଦେଶାନୁକ୍ରମେ

**ଅଭୟ କୁମାର ନାୟକ**

ଯୁଗ୍ମ ଶାସନ ସଚିବ

Printed and published by the Director, Directorate of Printing, Stationery and Publication, Odisha, Cuttack-10
Ex. Gaz.1721—173+20